# ଭା.କୃ.ଅନୁ.ପ. – ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬

## କୃଷି ସୂଚନା ସେବା

ସ୍ୱାସ୍ଥ୍ୟ ଏବଂ ପରିବାର କଲ୍ୟାଣ ମନ୍ତ୍ରାଳୟ ଦ୍ୱାରା ସୂଚିତ କୋଭିଡ୍-୧୯ ର ସମସ୍ତ ନିୟମାବଳୀ ଓ ସାଧାରଣ ସତର୍କତା ବ୍ୟବସ୍ଥା ଅନୁଯାୟୀ କୃଷିକାର୍ଯ୍ୟ କରିବାପାଇଁ ପରାମର୍ଶ।

*୨୦୨୦ ମସିହା ଡିସେମ୍ବର ମାସ ପ୍ରଥମ ପକ୍ଷ ପାଇଁ କାର୍ଯ୍ୟପନ୍ଥା*

- କ୍ଷେତରେ ଶତକଡ଼ା ୮୦-୮୫ ଭାଗ ଧାନ କେଣ୍ଡାରେ ପାଚିଗଲା ପରେ ଧାନକୁ ଦାଆ କିମ୍ବା କମ୍ବାଇନ୍ ହାର୍ଭେଷ୍ଟର କିମ୍ବା ରିପର ଦ୍ୱାରା କାଟି ଅମଳ କରିଦିଅନ୍ତୁ। ଅମଳ ପରେ ଧାନକୁ ଭଲଭାବେ ଖରାରେ ଶୁଖାଇ ବିହନ ପାଇଁ ୧୨% ଆର୍ଦ୍ରତା ଓ ଖାଇବା ପାଇଁ ୧୪ ଶତକଡ଼ା ଆର୍ଦ୍ରତାରେ ସାଇତି ରଖନ୍ତୁ।
- ଚାଷୀମାନଙ୍କୁ ଉପଦେଶ ଦିଆଯାଉଛି କି ନିଜ ପାଇଁ ବିହନ ସଂଗ୍ରହ କରିବା ସମୟରେ ସାଆଁରା ରୋଗାକ୍ରାନ୍ତ ଧାନ କେଣ୍ଡାର ଧାନକୁ ବିହନ ସହିତ ମିଶାଇ ରଖିବେ ନାହିଁ।
- ଅମଳ କରିଥିବା ଧାନ କିସମ ଅନୁସାରେ ଅଲଗା ଅଲଗା କରି ବଜାରରେ ମିଳୁଥିବା ସୁପର ଗ୍ରେନ୍ ବସ୍ତାରେ ଭର୍ତ୍ତି କରି ସୁରକ୍ଷିତ ଜାଗାରେ ଭଲଭାବେ ଘୋଡ଼େଇ ରଖନ୍ତୁ ଯେପରିକି ବର୍ଷାଦ୍ୱାରା କିଛି କ୍ଷତି ନହୁଏ।
- ଧାନ ସାଇତି ରଖିଥିବା ବସ୍ତା ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ ଫସ୍ ଫାଇଡ୍ ଟାବଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବଲେଟ୍) କନାରେ ଗୁଡ଼ାଇ ରଖନ୍ତୁ। ଧାନ ଗଦା ଉପରେ ଭଲଭାବେ ତାର୍ପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନରୁହେ। କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା କାଦୁଅ କିମ୍ବା ସେଲୋଟେପ୍ ଦେଇ ଭଲଭାବେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନଆସେ। ଏହିପରି ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠରୀ ବା ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ। ଲୋକ ଚଳପ୍ରଚଳ କରୁଥିବା ଜାଗାରେ ଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ।
- ଯଦି କେଣ୍ଡାକଟା ସଁବାଳୁଆ ଦେଖାଯାଏ, ଏକର ପିଛା କୁଇନାଲଫସ୍ ୨୫ ଇ.ସି. ୪୦୦ ମି.ଲି. କିମ୍ବା କ୍ଲୋରପାଇରିଫସ୍ ୨୦ ଇ.ସି. ୫୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ପତ୍ରସିଞ୍ଚନ କରନ୍ତୁ। ଏହାକୁ ସକାଳ ସମୟରେ ଗଛର ତଳଭାଗରେ ପ୍ରୟୋଗ କରିବା ଆବଶ୍ୟକ।
- ଧାନ ଅମଳ ସମୟରେ ମୂଷା ମଧ୍ୟ କ୍ଷତି ଘଟାଇପାରେ। ମୂଷାକୁ ନିୟନ୍ତ୍ରଣ କରିବାପାଇଁ ମୂଷା ଗାତକୁ ଚିହ୍ନଟ କରି ତା ଉପରେ କାଦୁଅ ଲିପି ଗାତ ବନ୍ଦ କରି ଦିଅନ୍ତୁ। ତା ପରଦିନ ଯେଉଁ ଗାତମୁହଁ ଖୋଲାଥିବ ସେ ଗାତରେ ଆଲୁମିନିୟମ ଫସ୍ଫାଇଡ୍ ୬% ବଟିକା (ଗୋଟେ ବଟିକା ୧୨ ଗ୍ରାମ) କନାରେ ବାନ୍ଧି ଗାତପିଛା ଗୋଟିଏ ରଖି ଗାତମୁହଁକୁ କାଦୁଅରେ ବନ୍ଦ କରିଦିଅନ୍ତୁ ।
- ଜଳସେଚିତ ମଧ୍ୟମ କିସମ ଜମିରେ ଧାନ କାଟିବା ପରେ ଆଳୁ, ସୂର୍ଯ୍ୟମୁଖୀ, ଚିନାବାଦାମ ଓ ଶିତଦିନିଆ ମକା ଇତ୍ୟାଦି ଫସଲ ଚାଷ କରନ୍ତୁ।
- ବର୍ଷାଶ୍ରୀତ ସ୍ୱଳ୍ପ ଖାଲୁଆ ଜମି ଯେଉଁଠାରେ ଜଳସେଚନର ସୁବିଧା ନାହିଁ,ବିଭିନ୍ନ ଫସଲ ଯଥା କୋଳଥ, ମଟର, ବିରି, ପେସ ଇତ୍ୟାଦି ପାଇରା ଫସଲ ହିସାବରେ ମାଟିର ବତର ଦେଖି ଠିଆ ଧାନରେ ଧାନ କାଟିବାର ୧୦-୧୫ ଦିନ ପୂର୍ବରୁ ବୁଣାବୁଣି କରିଦିଅନ୍ତୁ।
- ଡାଲୁଅ ଧାନ କରିବାପାଇଁ ଅଧିକ ଅମଳକ୍ଷମ ଧାନ କିସମ ଯଥା ସି.ଆର. ଧାନ ୬୦୧, ଆଇ.ଆର. ୬୪, ବୀଣାଧାନ ୧୧, ସି.ଆର. ୨୦୫, ସି.ଆର. ଧାନ ୨୦୬, ଖଣ୍ଡଗିରି, ଚନ୍ଦନ, ଲଲାଟ, ଉନ୍ନତ ଲଲାଟ, ନବୀନ, ଏମ.ଟି.ୟୁ.୧୦୧୦, ଲୁଣା ସଂକ୍ଷୀ (ଲୁଣା ଜମି ପାଇଁ) ବ୍ୟବହାର କରନ୍ତୁ।
- ଡାଲୁଅ ଧାନ ଚାଷ ନିମନ୍ତେ ତାଲିଘେରା ପ୍ରସ୍ତୁତ କରନ୍ତୁ।